# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**21th October - 2024**

**News Editor : *Tapan Kumar Maharana***

***********************************

## ମୁଖ୍ୟ ସମ୍ବାଦ

- ସମ୍ଭାବ୍ୟ ବାତ୍ୟା 'ଦାନା' ଆସନ୍ତା ୨୪ ତାରିଖ ରାତି ଓ ୨୫ ତାରିଖ ସକାଳ ମଧ୍ୟରେ ପୁରୀ ଓ ସାଗର ଦ୍ୱୀପ ମଧ୍ୟରେ ସ୍ଥଳଭାଗ ସ୍ପର୍ଶ କରିବା ସମ୍ଭାବନା

– ବାତ୍ୟା ମୁକାବିଲା ନିମନ୍ତେ ପ୍ରସ୍ତୁତି କାର୍ଯ୍ୟ ସମୀକ୍ଷା କଲେ ମୁଖ୍ୟମନ୍ତ୍ରୀ

- ୨୦୨୫ ମସିହା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ନିମନ୍ତେ ବିଭିନ୍ନ ରାଜନୈତିକ ଦଳର ପ୍ରତିନିଧିଙ୍କ ସହ ଆଲୋଚନା କଲେ ମୁଖ୍ୟ ନିର୍ବାଚନ ଅଧିକାରୀ

ଏବଂ

- ଜନସାଧାରଣଙ୍କ ବିଭିନ୍ନ ଅଭିଯୋଗର ଶୁଣାଣି କଲେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ

## ବାତ୍ୟା 'ଦାନା'

ଭୟଙ୍କର ସାମୁଦ୍ରିକ ଝଡ଼ 'ଦାନା' ଆସନ୍ତା ୨୪ ତାରିଖ ରାତିରୁ ୨୫ ତାରିଖ ସକାଳ ମଧ୍ୟରେ ପୁରୀ ଓ ସାଗର ଦ୍ୱୀପ ମଧ୍ୟରେ ସ୍ଥଳ ଭାଗ ସ୍ପର୍ଶ କରିବାର ସମ୍ଭାବନା ରହିଛି । ସେହି ସମୟରେ ପବନର ବେଗ ଘଣ୍ଟା ପ୍ରତି ୧୨୦ କିଲୋମିଟର ରହିବ ବୋଲି ପାଣିପାଗ ବିଭାଗ କହିଛି । ପୂର୍ବ କେନ୍ଦ୍ରୀୟ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ପଶ୍ଚିମ-ଉତ୍ତର-ପଶ୍ଚିମ ଦିଗରେ ଗତି କରି ଆସନ୍ତାକାଲି ସକାଳ ସୁଦ୍ଧା ଲଘୁଚାପରେ ପରିଣତ ହେବ ଏବଂ ବୁଧବାର ସୁଦ୍ଧା ପୂର୍ବକେନ୍ଦ୍ରୀୟ ବଙ୍ଗୋପସାଗରରେ ସାମୁଦ୍ରିକ ଝଡ଼ରେ ପରିଣତ ହେବ । ପରେ ଏହା ଉତ୍ତର-ପଶ୍ଚିମ ଦିଗକୁ ଗତି କରି ଗୁରୁବାର ସକାଳ ସୁଦ୍ଧା ଓଡ଼ିଶା ପଶ୍ଚିମ ଉପକୂଳରୁ ଉତ୍ତର ପଶ୍ଚମ ବଙ୍ଗୋପସାଗରରେ ପହଁଞ୍ଚିବ । ପରେ ଏହା ଉତ୍ତର-ପଶ୍ଚିମ ଦିଗକୁ ଗତି କରି ଗୁରୁବାର ରାତିରୁ ଶୁକ୍ରବାର ସକାଳ ମଧ୍ୟରେ ପୁରୀ ଓ ସାଗର ଦ୍ୱୀପ ମଧ୍ୟରେ ଉତ୍ତର ଓଡ଼ିଶା ଓ ପଶ୍ଚିମବଙ୍ଗ ଉପକୂଳ ଅତିକ୍ରମ କରିବ ।

ଇତିମଧ୍ୟରେ ରାଜ୍ୟ ସରକାରଙ୍କ ପକ୍ଷରୁ ସମ୍ଭାବ୍ୟ ବାତ୍ୟାକୁ ଦୃଷ୍ଟିରେ ରଖି ପ୍ରସ୍ତୁତି ଆରମ୍ଭ ହୋଇଛି । ଉପକୂଳବର୍ତ୍ତୀ ଜିଲ୍ଲାଗୁଡ଼ିକର ତଳିଆ ଅଞ୍ଚଳରେ ରହୁଥିବା ଲୋକମାନଙ୍କୁ ନିରାପଦ ସ୍ଥାନକୁ ଆଣିବା ଲାଗି ନିଷ୍ପତ୍ତି ହୋଇଛି । ବାତ୍ୟା ଆଶ୍ରୟସ୍ଥଳୀଗୁଡ଼ିକୁ ପ୍ରସ୍ତୁତି ରଖାଯିବା ସହ ସେଥିରେ ପର୍ଯ୍ୟାପ୍ତ ପରିମାଣର ପାନୀୟ ଜଳ ଓ ଆଲୋକ ବ୍ୟବସ୍ଥା କରାଯାଇଛି । ରିଲିଫ୍ ଏବଂ ଉଦ୍ଧାର କାର୍ଯ୍ୟ ନିରୀକ୍ଷଣ କରିବା ଲାଗି ବରିଷ୍ଠ ଆଇଏଏସ୍

ଅଧିକାରୀମାନଙ୍କୁ କୁହାଯାଇଛି। ଭୁବନେଶ୍ୱର ସ୍ଥିତ ସ୍ୱତନ୍ତ୍ର ରିଲିଫ କମିଶନଙ୍କ କାର୍ଯ୍ୟାଳୟରେ ୨୪ ଘଣ୍ଟିଆ ନିୟନ୍ତ୍ରଣ କକ୍ଷ ଖୋଲାଯାଇଥିବା ଜଣାପଡ଼ିଛି। ଆଜି ସନ୍ଧ୍ୟାରେ ଏନ୍‌ଡିଆରଏଫ୍, ଓଡ୍ରାଫ ଏବଂ ଅଗ୍ନିଶମ ଟିମ ବିଭିନ୍ନ ଉପକୂଳବର୍ତ୍ତୀ ଜିଲ୍ଲାକୁ ଯାଉଛନ୍ତି। ପାଣିପାଗ ବିଭାଗ ପକ୍ଷରୁ ସମୁଦ୍ର ମଧ୍ୟରେ ଥିବା ମତ୍ସ୍ୟଜୀବୀଙ୍କୁ ଆସନ୍ତାକାଲି ସୁଦ୍ଧା ଫେରିଆସିବା ଲାଗି ପରାମର୍ଶ ଦିଆଯାଇଛି। ଇତିମଧ୍ୟରେ କେନ୍ଦ୍ର କ୍ୟାବିନେଟ୍ ସଚିବ' ଓଡ଼ିଶା ମୁଖ୍ୟ ଶାସନ ସଚିବଙ୍କ ସହ ସମ୍ଭାବ୍ୟ ବାତ୍ୟାକୁ ଦୃଷ୍ଟିରେ ରଖି ପ୍ରସ୍ତୁତି ସମ୍ପର୍କରେ ଆଲୋଚନା କରିଛନ୍ତି। ପାଣିପାଗ ବିଭାଗ ସୂଚନା ଅନୁଯାୟୀ, ଆସନ୍ତା ବୁଧବାରରୁ ଶୁକ୍ରବାର ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଅଞ୍ଚଳରେ ପ୍ରବଳରୁ ଅତିପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି।

ପାଣିପାଗ ବିଭାଗ ମହାନିର୍ଦ୍ଦେଶକ ଡକ୍ଟର ମୃତ୍ୟୁଞ୍ଜୟ ମହାପାତ୍ର କହିଛନ୍ତି, ସମ୍ଭାବ୍ୟ ବାତ୍ୟା 'ଦାନା' ପ୍ରଭାବରେ ପୁରୀ ସମେତ ମୟୂରଭଞ୍ଜ, ଢେଙ୍କାନାଳ, କେନ୍ଦୁଝର, ଖୋର୍ଦ୍ଧା, ଭୁବନେଶ୍ୱର, ଜଗତସିଂହପୁର, କେନ୍ଦ୍ରାପଡ଼ା, ଭଦ୍ରକ, ବାଲେଶ୍ୱର, ଯାଜପୁର, ଢେଙ୍କାନାଳ ଓ କେନ୍ଦୁଝରରେ ଭୀଷଣ ବର୍ଷା ହେବାର ସମ୍ଭାବନା ରହିଛି।

***BBSR/R***

## ମୁଖ୍ୟମନ୍ତ୍ରୀ– ବାତ୍ୟା ସମୀକ୍ଷା

ସମ୍ଭାବ୍ୟ ବାତ୍ୟା 'ଦାନା'ର ମୁକାବିଲା ନିମନ୍ତେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ସମୀକ୍ଷା କରିଛନ୍ତି । ବାତ୍ୟା ସ୍ଥଳ ଭାଗ ସ୍ପର୍ଶ କରିବା ସମୟରେ ଯେଭଳି କମ୍ କ୍ଷୟକ୍ଷତି ଘଟେ ସେ ଉପରେ ଦୃଷ୍ଟି ଦେବାକୁ

ମୁଖ୍ୟମନ୍ତ୍ରୀ କହିଛନ୍ତି। ବାତ୍ୟାର ମୁକାବିଲା ପାଇଁ ସମସ୍ତ ବିଭାଗ ସହ ପ୍ରଭାବିତ ହେବାକୁ ଥିବା ଜିଲ୍ଲା ପ୍ରଶାସନ ସଂପୂର୍ଣ୍ଣ ପ୍ରସ୍ତୁତ ରହିବାକୁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି ।

ପ୍ରଭାବିତ ଜିଲ୍ଲାମାନଙ୍କର ତଳିଆ ତଥା ବନ୍ୟାପ୍ରବଣ ସ୍ଥାନମାନଙ୍କରୁ ଏବଂ କଚ୍ଚା ଘରମାନଙ୍କରୁ ଲୋକମାନଙ୍କୁ ସ୍ଥାନାନ୍ତର  କାର୍ଯ୍ୟ ସମୟ ମଧ୍ୟରେ କରିବା ପାଇଁ ମୁଖ୍ୟମନ୍ତ୍ରୀ ପ୍ରଶାସନକୁ ନିର୍ଦ୍ଦେଶ ଦେଇଛନ୍ତି। ସମ୍ଭାବ୍ୟ ବାତ୍ୟା ପରେ ରାସ୍ତା ସଫା କରିବା, ବିଦ୍ୟୁତ ଓ ଜଳଯୋଗାଣ ବ୍ୟବସ୍ଥାର ପୁନରୁଦ୍ଧାର କାର୍ଯ୍ୟ ତ୍ୱରାନିତ୍ୱ କରିବା ପାଇଁ ଆଗୁଆ ପଦକ୍ଷେପ ନେବା ପାଇଁ ପ୍ରସ୍ତୁତ ରହିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିବା ଜଣାପଡିଛି । ମେଡ଼ିକାଲରେ ନିରବଚ୍ଛିନ୍ନ ବିଜୁଳି ସଂଯୋଗ ପାଇ ମୁଖ୍ୟମନ୍ତ୍ରୀ ଗୁରୁତ୍ୱାରୋପ କରିଥିବା ବେଳେ ଏନଡିଆରଏଫ୍, ଓଡ୍ରାଫ ଟିମ ପ୍ରସ୍ତୁତ ରହିଥିବା ସୂଚନା ମିଳିଛି। ମୁଖ୍ୟମନ୍ତ୍ରୀ ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି , ସମ୍ଭାବ୍ୟ ବାତ୍ୟା ପୁରୀ ଓ ସାଗରକୂଳ ମଧ୍ୟରେ ସ୍ଥଳଭାଗ ଛୁଇଁପାରେ ପାରେ । ସମ୍ଭାବ୍ୟ ବାତ୍ୟା ନେଇ ସରକାର ସମ୍ପୂର୍ଣ୍ଣ ପ୍ରସ୍ତୁତ ଅଛନ୍ତି । ଜନ ସାଧାରଣ ଆଦୌ ଭୟଭୀତ ନ ହେବା ପାଇଁ ମୁଖ୍ୟମନ୍ତ୍ରୀ କହିଛନ୍ତି।

ଲୋକସେବା ଭବନରେ ଅନୁଷ୍ଠିତ ଏହି ବୈଠକରେ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ଓ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ରାଜ୍ୟ ସ୍ୱତନ୍ତ୍ର

ରିଲିଫ କମିଶନର, କୃଷି ବିଭାଗ ଓ ଶକ୍ତି ବିଭାଗ ସଚିବ ଏବଂ ସମସ୍ତ ଜିଲ୍ଲାର ଜିଲ୍ଲାପାଳ ଆଭାସି ମାଧ୍ୟମରେ ଯୋଗ ଦେଇଥିଲେ ।

***Puri***

## ବାତ୍ୟା ମୁକାବିଲା

ସମ୍ଭାବ୍ୟ ବାତ୍ୟାର ମୁକାବିଲା ପାଇଁ ପୁରୀ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରସ୍ତୁତି ଆରମ୍ଭ ହୋଇଛି । ଜିଲ୍ଲାପାଳ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଆଜି ଅନୁଷ୍ଠିତ ଆଭାସୀ ବୈଠକରେ ଜିଲ୍ଲାର ଖାଲୁଆ ଓ ତଳିଆ ଅଞ୍ଚଳକୁ ଚିହ୍ନଟ କରି ଲୋକମାନଙ୍କୁ ନିରାପଦ ସ୍ଥାନକୁ ସ୍ଥାନାନ୍ତର ପାଇଁ ନିଷ୍ପତ୍ତି ହୋଇଛି । ଜିଲ୍ଲାପାଳ କଚାଘର, ଚାଳ ଓ ମାଟିଘରେ ରହୁଥିବା ଲୋକମାନଙ୍କୁ ମଧ୍ୟ ନିରାପଦ ସ୍ଥାନକୁ ସ୍ଥାନାନ୍ତର କରିବା ଲାଗି ପରାମର୍ଶ ଦେଇଛନ୍ତି । ବୈଠକରେ ଗ୍ରହଣ କରାଯାଇଥିବା ନିଷ୍ପତ୍ତି ଅନୁଯାୟୀ ଜିଲ୍ଲାର ସମସ୍ତ ଅଧିକାରୀ ଓ କର୍ମଚାରୀଙ୍କ ଛୁଟି ବାତିଲ କରାଯାଇଛି । ବିଭାଗୀୟ ଅଧିକାରୀମାନଙ୍କୁ ପଲିଥିନ୍, ଖାଦ୍ୟସାମଗ୍ରୀ, ଔଷଧ ଓ ଗୋଖାଦ୍ୟ ମହଜୁଦ ରଖିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି । ଅନ୍ୟପକ୍ଷରେ ବାତ୍ୟା ସମୟରେ ଓ ପରବର୍ତ୍ତୀ ସ୍ଥିତିର ମୁକାବିଲା ଲାଗି ଅଗ୍ନିଶମ, ଓଡ୍ରାଫ ଓ ଏନ୍‌ଡିଆରଏଫ୍ ଟିମ୍ ପ୍ରସ୍ତୁତ ରଖିବାକୁ କୁହାଯାଇଛି । ଜିଲ୍ଲାର ୧୧ଟି ବ୍ଲକ ମଧ୍ୟରୁ ଉପକୂଳବର୍ତ୍ତୀ ଅସ୍ତରଙ୍ଗ, କାକଟପୁର, ଗୋପ, ପୁରୀ ସଦର, ବ୍ରହ୍ମଗିରି ଓ କୃଷ୍ଣ ପ୍ରସାଦ ବ୍ଲକକୁ ବାତ୍ୟା ପ୍ରବଣ ଅଞ୍ଚଳ ଭାବେ ଚିହ୍ନଟ କରାଯାଇଛି । ଜିଲ୍ଲାରେ ଥିବା ଶହେ ଅଣାଅସୀଟି ବାତ୍ୟା ଆଶ୍ରୟସ୍ଥଳୀକୁ ପ୍ରସ୍ତୁତ ରଖାଯାଇଥିବା ଜଣାପଡ଼ିଛି ।

*I&PR*

## ଭୋଟର ତାଲିକା

୨୦୨୫ ମସିହା ପାଇଁ ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ଏବଂ ନୂତନ ତ୍ରୁଟି ଶୂନ୍ୟ ଚୂଡ଼ାନ୍ତ ଭୋଟର ତାଲିକା ପ୍ରସ୍ତୁତି ନିମନ୍ତେ ମୁଖ୍ୟ ନିର୍ବାଚନ ଅଧିକାରୀ ଆର୍.ସନ୍ଥଗୋପାଳନ ବିଭିନ୍ନ ରାଜନୈତିକ ଦଳର ପ୍ରତିନିଧିମାନଙ୍କ ସହ ଆଲୋଚନା କରିଛନ୍ତି। ସୂଚନା ଅନୁଯାୟୀ, ଗତ ଅଗଷ୍ଟରୁ ଅକ୍ଟୋବର ମାସ ମଧ୍ୟରେ ହୋଇଥିବା ସଂଶୋଧନ କାର୍ଯ୍ୟ ପରେ ଆସନ୍ତା ୨୯ ତାରିଖରେ ସମନ୍ୱିତ ଚିଠା ଭୋଟର ତାଲିକା ପ୍ରକାଶ ପାଇବ। ଅକ୍ଟୋବର ୨୯ରୁ ନଭେମ୍ବର ୨୮ ତାରିଖ ମଧ୍ୟରେ ବିଭିନ୍ନ ଦାବି ଓ ଆପତ୍ତି ଗ୍ରହଣ କରାଯିବ। ସେହି ସମୟ ମଧ୍ୟରେ ନଭେମ୍ବର ୨, ୧୦, ୧୬ ଓ ୨୪ ତାରିଖରେ ସ୍ୱତନ୍ତ୍ର ଅଭିଯାନ କାର୍ଯ୍ୟକ୍ରମରେ ରାଜ୍ୟର ସବୁ ବୁଥ୍‌ରେ ଭୋଟର ତାଲିକାରେ ନାମ ପଞ୍ଜୀକରଣ ସହ ଅନ୍ୟାନ୍ୟ ସୁବିଧା ଯୋଗାଇ ଦିଆଯିବ ବୋଲି ଜଣାପଡ଼ିଛି।

*HS*

## ମୁଖ୍ୟମନ୍ତ୍ରୀ-ଜନଅଭିଯୋଗ ଶୁଣାଣି

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଅଭିଯୋଗ ପ୍ରକୋଷ୍ଠରେ ଜନସାଧାରଣଙ୍କ ଅଭିଯୋଗପତ୍ର ଗ୍ରହଣ କରିବା ସହ ଆଲୋଚନା କରିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି, ଅଭିଯୋଗର ଯଥାଶୀଘ୍ର ସମାଧାନ ସହ ଉଚିତ ନ୍ୟାୟ ପ୍ରଦାନ ପାଇଁ ଆବଶ୍ୟକୀୟ ପଦକ୍ଷେପ ନେବାକୁ ସେ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଲୋକଙ୍କ ସରକାରରେ

କେହି ଯେଭଳି ନ୍ୟାୟ ପାଇବାରୁ ବଞ୍ଚିତ ନ ହୁଅନ୍ତି ତାହା ସୁନିଶ୍ଚିତ କରିବା ସରକାରଙ୍କ ମୂଳଲକ୍ଷ୍ୟ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

***Khurda/Kalahandi/Ganjam/BHK/Raygada/Nayagada***

## ଜନଶୁଣାଣି ଶିବିର

ରାଜ୍ୟର ବିଭିନ୍ନ ଜିଲ୍ଲାରେ ଆଜି ଯୁଗ୍ମ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ନୟାଗଡ଼ ଖଣ୍ଡପଡ଼ା ବ୍ଲକରେ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରଓ୍ୱାଲଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଶିବିରରେ ୧୪୧ଟି ଅଭିଯୋଗ ମଧ୍ୟରୁ ୧୪ଟି ଅଭିଯୋଗର ତୁରନ୍ତ ସମାଧାନ କରାଯାଇଛି । ରାୟଗଡ଼ା ଜିଲ୍ଲା ରାମନାଗୁଡ଼ା ବ୍ଲକରେ ଅନୁଷ୍ଠିତ ଜନଶୁଣାଣି ଶିବିରରେ ୪୮ ଗୋଟି ଅଭିଯୋଗର ଶୁଣାଣି ହୋଇଥିବା ବେଳେ ଭଦ୍ରକ ଧାମନଗର ବ୍ଲକ କାର୍ଯ୍ୟାଳୟରେ ଅନୁଷ୍ଠିତ ଶିବିରରେ ୧୦୬ଟି ଅଭିଯୋଗର ଶୁଣାଣି କରାଯାଇଛି । ସେହିପରି ଗଜପତି ଜିଲ୍ଲା ନୂଆଗଡ଼ ବ୍ଲକ ଅନ୍ତର୍ଗତ ଆତରସିଂ ଗ୍ରାମପଞ୍ଚାୟତରେ ଅନୁଷ୍ଠିତ ଜନଶୁଣାଣି ଶିବିରରେ ୫୨ ଗୋଟି ଅଭିଯୋଗର ଶୁଣାଣି କରାଯାଇଥିବା ଆମ ସମ୍ବାଦଦାତା ଜଣାଇଛନ୍ତି । ଗଞ୍ଜାମ ଜିଲ୍ଲା ଭଞ୍ଜନଗର ଉପଖଣ୍ଡସ୍ତରୀୟ ଜନଶୁଣାଣି ଶିବିରରେ ୧୯୫ଟି ଅଭିଯୋଗର ଶୁଣାଣି କରାଯାଇଥିବା ଜଣାପଡ଼ିଛି । କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକରେ ଅନୁଷ୍ଠିତ ଅଭିଯୋଗ ଶୁଣାଣି ଶିବିରରେ ୧୨୨ଟି ଅଭିଯୋଗର ଶୁଣାଣି କରାଯାଇଥିବାବେଳେ ଖୋର୍ଦ୍ଧା ପଞ୍ଚାୟତ ସମିତି ଅନ୍ତର୍ଗତ ହଳଦିଆ ପଞ୍ଚାୟତ କକ୍ଷରେ ଅନୁଷ୍ଠିତ ଶିବିରରେ ୨୮୦ଟି ଅଭିଯୋଗର ଶୁଣାଣି କରାଯାଇଛି ।

# ପୁଲିସ ସହିଦ ସ୍ମୃତି ଦିବସ

ପୁଲିସ ସହିଦ ସ୍ମୃତି ଦିବସ ଆଜି ରାଜ୍ୟର ବିଭିନ୍ନ ପ୍ରାନ୍ତରେ ପାଳନ କରାଯାଉଛି । ମାତୃଭୂମି ସେବା ପାଇଁ ପ୍ରାଣବଳୀ ଦେଇଥିବା ପୁଲିସ କର୍ମଚାରୀଙ୍କ ସ୍ମୃତି ଉଦ୍ଦେଶ୍ୟରେ ପ୍ରତ୍ୟେକ ବର୍ଷ ଅକ୍ଟୋବର ୨୧ ତାରିଖକୁ ପୁଲିସ ସହିଦ ସ୍ମୃତି ଦିବସ ଭାବେ ପାଳନ କରାଯାଉଛି । ଏହି ଅବସରରେ ବିଭିନ୍ନ ସ୍ଥାନରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମର ଆୟୋଜନ କରାଯାଇଛି ।

ରାଜ୍ୟପାଳ ରଘୁବର ଦାସ ଏବଂ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସହିଦ ବୀର ପୁଲିସ କର୍ମଚାରୀଙ୍କ ଅମର ଆତ୍ମାକୁ ଗଭୀର ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି । ରାଜ୍ୟପାଳ ଶ୍ରୀ ଦାସ ତାଙ୍କ ବାର୍ତ୍ତାରେ କହିଛନ୍ତି, ରାଜ୍ୟବାସୀଙ୍କ ସୁରକ୍ଷା, ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ ପୁଲିସ କର୍ମଚାରୀ ଉଲ୍ଲେଖନୀୟ ଅବଦାନ ପ୍ରଦାନ କରିଛନ୍ତି ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ତାଙ୍କ ବାର୍ତ୍ତାରେ ସହିଦ ବୀର ପୁଲିସ କର୍ମଚାରୀଙ୍କ ନିକଟରେ ରାଜ୍ୟ ସବୁବେଳେ କୃତଜ୍ଞ ହୋଇ ରହିବ ବୋଲି କହିଛନ୍ତି ।

ଝାରସୁଗୁଡ଼ା ଦ୍ୱିତୀୟ ସଶସ୍ତ୍ର ବାହିନୀ ପରେଡ୍ ପଡ଼ିଆରେ ପୁଲିସ ସହିଦ ସ୍ମୃତି ଦିବସ ପାଳିତ ହୋଇଯାଇଛି । ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ସ୍ମିତ ପରମାର ମୁଖ୍ୟ ଅତିଥି ଭାବେ ଯୋଗଦେଇ ସହିଦ ସ୍ମୃତି ସ୍ତମ୍ଭରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ । ନୟାଗଡ଼ ଜିଲ୍ଲାରେ ଜିଲ୍ଲା ପୁଲିସ ବିଭାଗ ପକ୍ଷରୁ ପୁଲିସ ଟ୍ରେନିଂ ସ୍କୁଲ ପରିସରରେ ପୁଲିସ ସହିଦ ସ୍ମୃତି ଦିବସ

ଅବସରରେ ଆରକ୍ଷୀ ଅଧୀକ୍ଷକ ଏସ୍.ସୁଶ୍ରୀ ସହିଦ୍ ସ୍ତମ୍ଭରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ ।

କୋରାପୁଟ ପୁଲିସ ପଡ଼ିଆଠାରେ ଅନୁଷ୍ଠିତ ଉତ୍ସବରେ ଦକ୍ଷିଣ-ପଶ୍ଚିମାଞ୍ଚଳ ଡିଆଇଜି ନୀତି ଶେଖର, ଜୟପୁର ଉପଖଣ୍ଡ ପୁଲିସ ଅଧିକାରୀ ଅଙ୍କିତ କୁମାର ବର୍ମା, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଶ୍ରୀକାନ୍ତ ବେହେରା ପ୍ରମୁଖ ସହିଦ ଯବାନମାନଙ୍କ ଉଦ୍ଦେଶ୍ୟରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ ।

ସମ୍ବଲପୁର ଜିଲ୍ଲା ପୁଲିସ ପକ୍ଷରୁ ରିଜର୍ଭ ପୁଲିସ ପଡ଼ିଆରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପୁଲିସ ଆଇ.ଜି. ହିମାଂଶୁ ଲାଲ ଯୋଗଦେଇ ଦେଶ ପାଇଁ ସହିଦ ହୋଇଥିବା ପୁଲିସ କର୍ମଚାରୀଙ୍କ ସ୍ମୃତିଚାରଣ କରିଥିଲେ ।

***Sambalpur***

## ଅର୍ଥନୈତିକ ଅଭିବୃଦ୍ଧି ସମ୍ମିଳନୀ

ସମାଜର ବିଭିନ୍ନ କ୍ଷେତ୍ରରେ ମହିଳାଙ୍କ ପ୍ରତିନିଧିତ୍ୱକୁ ପ୍ରୋତ୍ସାହିତ କରିବା ପାଇଁ ଆଇଆଇଏମ୍ ସମ୍ବଲପୁର ପକ୍ଷରୁ 'ବ୍ୟବସାୟ ଉତ୍କର୍ଷତା ପାଇଁ ମହିଳା ନେତୃତ୍ୱ' ଶୀର୍ଷକ ରାଉଣ୍ଡ ଟେବୁଲ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । ଏହି ସମ୍ମିଳନୀରେ ଯୋଗଦେଇ ଆଇଆଇଏମ୍ ସମ୍ବଲପୁରର ନିର୍ଦ୍ଦେଶକ ପ୍ରଫେସର ମହାଦେବ ଜୟସ୍ୱାଲ କହିଛନ୍ତି, ଦେଶରେ ଲିଙ୍ଗଗତ ବ୍ୟବଧାନକୁ ଦୂର କରିବା କେବଳ ଏକ ଲକ୍ଷ୍ୟ ନୁହେଁ ବରଂ ଏକ ଜାତୀୟ ଆବଶ୍ୟକତା । ଭାରତର ଅର୍ଥନୈତିକ ଅଭିବୃଦ୍ଧିରେ ମହିଳାଙ୍କ ଅଂଶଗ୍ରହଣ ଏବଂ ଅବଦାନକୁ ବୃଦ୍ଧି କରିବା ଉଦ୍ଦେଶ୍ୟରେ ନୀତି

ନିର୍ଦ୍ଧାରକମାନଙ୍କୁ ଅବଗତ କରାଇବା ଏହି ସମ୍ମିଳନୀର ଉଦ୍ଦେଶ୍ୟ ଥିଲା । କାର୍ଯ୍ୟକ୍ରମରେ ୟୁ.ଏନ୍.ଜି.ସି. ନେଟଓ୍ୱାର୍କ ଇଣ୍ଡିଆର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ରତନେସ ଝା', ଆଇଏଏସ୍ ଆରତୀ ଆହୁଜା, ଆଇଆରଏସ୍ ଦେବଶ୍ରୀ ନୈନ, ଅର୍ଥମନ୍ତ୍ରଣାଳୟର ଯୁଗ୍ମ ନିର୍ଦ୍ଦେଶକ ପ୍ରୀତି ବଲ୍ୟାନଙ୍କ ସମେତ ଦେଶର ପ୍ରମୁଖ କମ୍ପାନୀଗୁଡ଼ିକର ପରିଚାଳନା ନିର୍ଦ୍ଦେଶକମାନେ ଯୋଗ ଦେଇଥିଲେ ।

***Boudh***

## ସ୍ୱାସ୍ଥ୍ୟ ଶିବିର

ବୌଦ୍ଧ ସଦର ବ୍ଲକର ସଂଗ୍ରାମପୁର ପଞ୍ଚାୟତ ଉଚ୍ଚବିଦ୍ୟାଳୟରେ ମାନସିକ ସ୍ୱାସ୍ଥ୍ୟ ଶିବିର ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅତିଥିମାନେ ଅଭିଭାବକମାନଙ୍କୁ ମାନସିକ ସ୍ୱାସ୍ଥ୍ୟ ସମ୍ବନ୍ଧରେ ବୁଝାଇଥିଲେ । କାର୍ଯ୍ୟକ୍ରମରେ ଆଶାକର୍ମୀ ଓ ବିଦ୍ୟାଳୟର କର୍ମଚାରୀମାନେ ଉପସ୍ଥିତ ଥିଲେ ।

***Kandhamal***

## ସ୍ୱାସ୍ଥ୍ୟ ଓ ଚକ୍ଷୁ ପରୀକ୍ଷା

କନ୍ଧମାଳ ମଣ୍ଡଳ କାରାଗାରରେ ଅନ୍ତେବାସୀମାନଙ୍କ ପାଇଁ ସ୍ୱାସ୍ଥ୍ୟ ଓ ଚକ୍ଷୁ ପରୀକ୍ଷା ଆୟୋଜିତ ହୋଇଯାଇଛି । ଜିଲ୍ଲା ଆଇନସେବା ପ୍ରାଧିକରଣ ନିର୍ଦ୍ଦେଶକ୍ରମେ ଫୁଲବାଣୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଏକ ଡାକ୍ତରୀ ଦଳ ମଣ୍ଡଳ କାରଗାରରେ ଅନ୍ତେବାସୀଙ୍କ ସ୍ୱାସ୍ଥ୍ୟ ଓ ଚକ୍ଷୁ ପରୀକ୍ଷା କରିଥିଲେ ।

# ଶିଶୁ ମହୋତ୍ସବ

ବୌଦ୍ଧ ଜିଲ୍ଲାରେ ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ 'ମହକ ଓ ଉତ୍ସାହ' ଉଦ୍‌ଯାପିତ ହୋଇଯାଇଛି । ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍ ଓ ଜିଲ୍ଲା ପ୍ରଶାସନ ଦ୍ୱାରା ଆୟୋଜିତ କାର୍ଯ୍ୟକ୍ରମରେ ଶିଶୁମାନଙ୍କ ଲୁକ୍କାୟିତ ପ୍ରତିଭା ବିକାଶ ଏବଂ ରାଜ୍ୟ ତଥା ଜାତୀୟସ୍ତରରେ ସମ୍ମାନିତ କରିବା ପାଇଁ ସୁଯୋଗ ସୃଷ୍ଟି କରାଯାଇଥିଲା । ଜିଲ୍ଲାପାଳ ସୁବ୍ରତ କୁମାର ପଣ୍ଡା ମୁଖ୍ୟ ଅତିଥି ଭାବେ କାର୍ଯ୍ୟକ୍ରମରେ କୃତୀ ଛାତ୍ରଛାତ୍ରୀମାନଙ୍କୁ ପୁରସ୍କାର ଓ ମାନପତ୍ର ପ୍ରଦାନ କରିଥିଲେ ।

*****